# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
### 23rd November - 2025

**********************************

*Desk*

## ମୁଖ୍ୟମନ୍ତ୍ରୀ - ବାଣିଜ୍ୟ ମେଳା

ସମୃଦ୍ଧ ସଂସ୍କୃତି ଏବଂ ପରମ୍ପରାର ସୁରକ୍ଷା ସହିତ ଆଧୁନିକତାକୁ ଆପଣେଇ ସବୁବର୍ଗର ଲୋକଙ୍କ ସାମଗ୍ରିକ ବିକାଶପାଇଁ ରାଜ୍ୟ ସରକାର ପ୍ରତିବଦ୍ଧ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ନୂଆଦିଲ୍ଲୀରେ ଆୟୋଜିତ ୪୪ତମ ଅନ୍ତର୍ଜାତୀୟ ବାଣିଜ୍ୟ ମେଳା-୨୦୨୫ର ନବମ ଦିବସରେ ଗତକାଲି ପାଳିତ ଓଡ଼ିଶା ରାଜ୍ୟ ଦିବସ ସମାରୋହରେ ଯୋଗଦେଇ ଶ୍ରୀ ମାଝୀ ୨୦୩୬ ସମୃଦ୍ଧ ଓଡ଼ିଶା ଗଠନରେ ବ୍ରତୀ ହେବାକୁ ଆହ୍ୱାନ ଦେଇଛନ୍ତି । ନବୀକରଣୀୟ ବିଦ୍ୟୁତ୍ ଶକ୍ତି, ପରିବେଶ ସନ୍ତୁଳନ ରକ୍ଷା, ସେମିକଣ୍ଡକ୍ଟର କ୍ଷେତ୍ର ତଥା ବିଭିନ୍ନ କ୍ଷେତ୍ରରେ ଆଧୁନିକ ପ୍ରଯୁକ୍ତିବିଦ୍ୟାର ଉପଯୋଗ ନେଇ ସରକାର ଗ୍ରହଣ କରୁଥିବା ପଦକ୍ଷେପଗୁଡ଼ିକ ଉପରେ ସେ ଆଲୋକପାତ କରିଛନ୍ତି ।

*Puri/R*

## ଉପମୁଖ୍ୟମନ୍ତ୍ରୀ - ଶିଳାନ୍ୟାସ

ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଗତକାଲି ପୁରୀ ଜିଲ୍ଲା ଗସ୍ତରେ ଯାଇ ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପର ଶିଳାନ୍ୟାସ କରିଛନ୍ତି । ନିମାପଡ଼ା ବ୍ଲକ୍ ଅଧୀନସ୍ଥ ରେଞ୍ଚ, ଧଳେଶ୍ୱର, ଅନ୍ତୁଆର, ଅରିଷଣ୍ଡ, ନାଗବସ୍ତ ଏବଂ ଅଂସାର ପଞ୍ଚାୟତରେ ହେବାକୁ ଥିବା ଉନ୍ନୟନମୂଳକ ପ୍ରକଳ୍ପଗୁଡ଼ିକ ଏଥିରେ ଅନ୍ତର୍ଭୁକ୍ତ ।

*Desk*

## ଲକ୍ଷ୍ମଣ ନାଏକ ଜୟନ୍ତୀ

ଦେଶର ସ୍ୱାଧୀନତା ସଂଗ୍ରାମର ଚିତ୍ର, ଚରିତ୍ର ଅଧ୍ୟୟନ ଏବଂ ଅନୁଶୀଳନ କଲାବେଳେ ଆଦିବାସୀଙ୍କର ଅବଦାନକୁ ଅସ୍ୱୀକାର କରାଯାଇପାରିବ ନାହିଁ ବୋଲି ରାଜ୍ୟ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି । ସୂଚନା ଓ ଲୋକସମ୍ପର୍କ ବିଭାଗ ଏବଂ ଶବରୀ ସାଂସ୍କୃତିକ ପରିଷଦର ମିଳିତ ଆନୁକୂଲ୍ୟରେ ଭୁବନେଶ୍ୱର ଜୟଦେବ ଭବନଠାରେ ଆୟୋଜିତ ରାଜ୍ୟସ୍ତରୀୟ ସହିଦ ଲକ୍ଷ୍ମଣ ନାଏକଙ୍କ ଜୟନ୍ତୀ ସମାରୋହରେ ଯୋଗଦେଇ ମନ୍ତ୍ରୀ ଶ୍ରୀ ଗଣ୍ଡ' ଜନଜାତିଙ୍କ ସ୍ୱାଭିମାନର ପ୍ରତୀକ ଭାବେ ସହିଦ ଲକ୍ଷ୍ମଣ ନାଏକ ଅବିସ୍ମରଣୀୟ ହୋଇ ରହିବେ ବୋଲି କହିଛନ୍ତି ।

*Desk*

## ବର୍ଜ୍ୟ ପରିଚାଳନା ସମୀକ୍ଷା

ଭୁବନେଶ୍ୱର ମହାନଗର ନିଗମର ଭରତପୁର ମାଇକ୍ରୋ କମ୍ପୋଷ୍ଟିଂ ସେଣ୍ଟରଠାରେ ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡକ୍ଟର କୃଷ୍ଣଚନ୍ଦ୍ର ମହାପାତ୍ର ବର୍ଜ୍ୟ ପ୍ରକ୍ରିୟାକରଣ ସୁବିଧାର ଗତକାଲି ସମୀକ୍ଷା କରିଛନ୍ତି । ପ୍ରଯୁକ୍ତିବିଦ୍ୟା ଆଧାରିତ ପଦକ୍ଷେପ ମାଧ୍ୟମରେ ବର୍ଜ୍ୟବସ୍ତୁ ପ୍ରକ୍ରିୟାକରଣ, ପରିବେଶ ସନ୍ତୁଳନ ଏବଂ ସବୁଜ ଜୀବିକା ସୃଷ୍ଟି ପ୍ରତି ରାଜ୍ୟ ସରକାରଙ୍କ ପ୍ରତିବଦ୍ଧତା ଉପରେ ମନ୍ତ୍ରୀ ଡକ୍ଟର ମହାପାତ୍ର ଆଲୋକପାତ କରିଛନ୍ତି । ଏମ୍.ଏସ୍. ଇନ୍‌ସେକ୍ଟିକା ବାୟୋଟେକ୍ ପ୍ରାଇଭେଟ୍ ଲିମିଟେଡ୍ ପକ୍ଷରୁ ଆଧୁନିକ ବ୍ଲାକ୍ ସୋଲ୍‌ଜର ଫ୍ଲାଏ - ବି.ଏସ୍.ଏଫ୍. ଭିତ୍ତିକ ଏହି ବର୍ଜ୍ୟ ପରିଚାଳନା କେନ୍ଦ୍ର ପ୍ରତିଷ୍ଠା କରାଯାଇଛି ।

*Desk*

## ଡି.ଜି.ପି. ଗସ୍ତ

ରାଜ୍ୟ ଆରକ୍ଷୀ ମହାନିର୍ଦ୍ଦେଶକ ଯୋଗେଶ ବାହାଦୁର ଖୁରାନିଆ ଦୁଇଦିନିଆ ବୌଦ୍ଧ, କନ୍ଧମାଳ ଓ ଗଞ୍ଜାମ ଜିଲ୍ଲା ଗସ୍ତରେ ଯାଇ ବିଭିନ୍ନ ପ୍ରସଙ୍ଗରେ ଜିଲ୍ଲାସ୍ତରୀୟ ବରିଷ୍ଠ ପୁଲିସ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି । ଆଇନ ଶୃଙ୍ଖଳା ପରିସ୍ଥିତି, ମାଓବାଦୀ ସମସ୍ୟା, ଗଞ୍ଜେଇ ଚାଷ ଓ

ଚୋରାଚାଲାଣ ରୋକିବା ଏବଂ ଅପରାଧିକ କାର୍ଯ୍ୟକଳାପର ମୁକାବିଲା ନେଇ ଭବିଷ୍ୟତ କାର୍ଯ୍ୟପନ୍ଥା ଉପରେ ଶ୍ରୀ ଖୁରାନିଆ ସମୀକ୍ଷା କରିଛନ୍ତି ।

*Desk*

## ନବକୃଷ୍ଣ ଚୌଧୁରୀ ଜୟନ୍ତୀ

ବିଶିଷ୍ଟ ଜନନାୟକ ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ସ୍ୱର୍ଗତ ନବକୃଷ୍ଣ ଚୌଧୁରୀଙ୍କ ଜନ୍ମବାର୍ଷିକୀ ଆଜି ରାଜ୍ୟବ୍ୟାପୀ ପାଳନ କରାଯାଉଛି । ସୂଚନା ଓ ଲୋକସମ୍ପର୍କ ବିଭାଗ ଆନୁକୂଲ୍ୟରେ ରାଜ୍ୟସ୍ତରୀୟ ଜୟନ୍ତୀ ସମାରୋହ ଅପରାହ୍ଣରେ ଭୁବନେଶ୍ୱର ଜୟଦେବ ଭବନଠାରେ ଅନୁଷ୍ଠିତ ହେବ ।

*Desk*

## ରାଷ୍ଟ୍ରୀୟ ଲୋକ ଅଦାଲତ

ଚତୁର୍ଥ ରାଷ୍ଟ୍ରୀୟ ଲୋକ ଅଦାଲତ ଆସନ୍ତାମାସ ୧୩ ତାରିଖରେ ଅନୁଷ୍ଠିତ ହେବ । ଏଥିପାଇଁ ରାଜ୍ୟ, ଜିଲ୍ଲା ତଥା ତାଲୁକସ୍ତରୀୟ ଆଇନସେବା କମିଟି ପକ୍ଷରୁ ଆନୁଷଙ୍ଗିକ ପଦକ୍ଷେପ ଗ୍ରହଣ କରାଯାଉଛି । ସମସ୍ତ ପ୍ରକାର ପ୍ରାକ୍ ତଥା ବିଚାରାଧୀନ ମକଦ୍ଦମାଗୁଡ଼ିକର ସହମତି ଭିତ୍ତିରେ ଏହି ରାଷ୍ଟ୍ରୀୟ ଲୋକ ଅଦାଲତରେ ଫଏସଲା କରାଯିବ ।

*Ganjam/R*

# ୱାଇ.ଆର୍.ସି. ପ୍ରଶିକ୍ଷଣ ଶିବିର

ଗଞ୍ଜାମ ଜିଲ୍ଲା ଖଲ୍ଲିକୋଟ୍ ବ୍ଲକ୍ ଅନ୍ତର୍ଗତ କେଶପୁର ଉଚ୍ଚମାଧ୍ୟମିକ ମହାବିଦ୍ୟାଳୟ ପରିସରରେ ଜିଲ୍ଲାସ୍ତରୀୟ ୱାଇ.ଆର୍.ସି. ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି । ଭାରତୀୟ ରେଡ୍‌କ୍ରସ୍ ସଂସ୍ଥା ପକ୍ଷରୁ ଆୟୋଜିତ ଏହି ତିନିଦିନିଆ ଶିବିରରେ ଜିଲ୍ଲାର ୪୪ଟି କଲେଜର ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ ।

*Nabarangpur/R*

# ମଣ୍ଡେଇ

ନବରଙ୍ଗପୁର ଜିଲ୍ଲାର ଲୋକ ମହୋତ୍ସବ 'ମଣ୍ଡେଇ' ଆସନ୍ତାମାସ ୧୨ରୁ ୧୬ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେବ । ତେବେ ବ୍ଲକ୍‌ସ୍ତରୀୟ କାର୍ଯ୍ୟକ୍ରମ ଆସନ୍ତା ମଙ୍ଗଳବାରଠାରୁ ଆରମ୍ଭ ହେବ । ନନ୍ଦାହାଣ୍ଡି ବ୍ଲକ୍ ସମ୍ମିଳନୀ କକ୍ଷରେ ବ୍ଲକ୍‌ସ୍ତରୀୟ କାର୍ଯ୍ୟକ୍ରମର ପ୍ରସ୍ତୁତି ନେଇ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମର ସଫଳ ପରିଚାଳନାକୁ ଦୃଷ୍ଟିରେ ରଖି ବିଭିନ୍ନ କମିଟି ଗଠନ କରାଯିବାକୁ ବୈଠକରେ ନିଷ୍ପତ୍ତି ନିଆଯାଇଛି ।

***Bhadrak/R***

## ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

ଭଦ୍ରକ ଜିଲ୍ଲା ବଅନ୍ତ ବ୍ଲକ୍‌ଠାରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି । ଓଡ଼ିଶା ସାମାଜିକ ସୁରକ୍ଷା ବିଭାଗ ଓ ଜିଲ୍ଲା ପ୍ରଶାସନର ମିଳିତ ଆନୁକୂଲ୍ୟରେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ଏହି ଶିବିରରେ ବିଭିନ୍ନ ପଞ୍ଚାୟତରୁ ୨୬୫ ଜଣ ଭିନ୍ନକ୍ଷମ ଅଂଶଗ୍ରହଣ କରିଥିଲେ ।

***Nabarangpur/R***

## ସର୍ଗିଫୁଲ

ନବରଙ୍ଗପୁର ଜିଲ୍ଲାରେ ସର୍ଗିଫୁଲ କାର୍ଯ୍ୟକ୍ରମ ଆରମ୍ଭ ହୋଇଛି । ପାପଡ଼ାହାଣ୍ଡି ବାଳିକା ବିଦ୍ୟାଳୟ ପରିସରରେ ଗତକାଲି ଜିଲ୍ଲାସ୍ତରୀୟ ତିନିଦିନିଆ ଏହି କାର୍ଯ୍ୟକ୍ରମକୁ ଜିଲ୍ଲାପାଳ ଡକ୍ଟର ମହେଶ୍ୱର ସ୍ୱାଇଁ ଉଦ୍‌ଘାଟନ କରିଥିଲେ । ଜିଲ୍ଲାର ବିଭିନ୍ନ ବ୍ଲକ୍‌ରୁ ଆସିଥିବା ୩ ହଜାରରୁ ଅଧିକ ଛାତ୍ରଛାତ୍ରୀ ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରୁଛନ୍ତି ।

*Desk*

# ପାଣିପାଗ

ଦକ୍ଷିଣ ଆଣ୍ଡାମାନ ସାଗରରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଛି । ଆସନ୍ତାକାଲି ସୁଦ୍ଧା ପଶ୍ଚିମ ଓ ଉତ୍ତର ପଶ୍ଚିମ ଦିଗକୁ ଗତିକରି ଦକ୍ଷିଣ ପୂର୍ବ ବଙ୍ଗୋପସାଗରରେ ଅବପାତର ରୂପ ନେବାର ସମ୍ଭାବନା ରହିଛି । ଦକ୍ଷିଣ-ପଶ୍ଚିମ ବଙ୍ଗୋପସାଗରରେ ଅଧିକ ଘନୀଭୂତ ହେବା ନେଇ ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ଆକଳନ କରାଯାଇଛି ।

*****